# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 23 June– 2026

---

## ପଦ୍ମ ପୁରସ୍କାର

ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଆଜି ନୂଆଦିଲ୍ଲୀରେ ଦ୍ୱିତୀୟ ପର୍ଯ୍ୟାୟରେ ପଦ୍ମ ପୁରସ୍କାର ପ୍ରଦାନ କରିବେ । ଏହି ପର୍ଯ୍ୟାୟରେ ୩ ଜଣଙ୍କୁ ପଦ୍ମ ବିଭୂଷଣ, ୮ ଜଣଙ୍କୁ ପଦ୍ମଭୂଷଣ ଓ ୫୫ ଜଣଙ୍କୁ ପଦ୍ମଶ୍ରୀ ସମ୍ମାନରେ ସମ୍ମାନିତ କରାଯିବ । ପୂର୍ବରୁ ରାଷ୍ଟ୍ରପତି ପ୍ରଥମ ପର୍ଯ୍ୟାୟ ପଦ୍ମ ପୁରସ୍କାର ପ୍ରଦାନ କରିଥିଲେ । ଏଥିରେ ଓଡ଼ିଶାର ଡକ୍ଟର ମହେନ୍ଦ୍ର ମିଶ୍ର ସମ୍ମାନିତ ହୋଇଥିଲେ । ଚଳିତ ବର୍ଷ ରାଜ୍ୟରୁ ଡକ୍ଟର ମିଶ୍ରଙ୍କ ସହିତ ସୀମାଞ୍ଚଳ ପାତ୍ର, ଶରତ କୁମାର ପାତ୍ର ଏବଂ ଚରଣ ହେମ୍ବ୍ରମ୍ ପଦ୍ମଶ୍ରୀ ପାଇଁ ମନୋନୀତ ହୋଇଛନ୍ତି ।

---

## ବିପର୍ଯ୍ୟୟ ମୁକାବିଲା ବୈଠକ-ମୁଖ୍ୟମନ୍ତ୍ରୀ

ବିପର୍ଯ୍ୟୟ ପରିଚାଳନା କ୍ଷେତ୍ରରେ ରାଜ୍ୟ ଏକ ସଂପୂର୍ଣ୍ଣ ସୁଦୃଢ଼ ବ୍ୟବସ୍ଥା ବିକଶିତ କରିଛି । ଏହାକୁ ବଜାୟ ରଖିବା ଉପରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗୁରୁତ୍ୱାରୋପ କରିଛନ୍ତି ।

ରାଜ୍ୟରେ ଆଗାମୀ ପ୍ରାକୃତିକ ବିପର୍ଯ୍ୟୟର ସଫଳ ମୁକାବିଲା ଓ ପ୍ରାକ୍-ପ୍ରସ୍ତୁତି ନେଇ ଲୋକସେବା ଭବନ ସମ୍ମିଳନୀ କକ୍ଷରେ ଆୟୋଜିତ ପ୍ରାକୃତିକ ବିପର୍ଯ୍ୟୟ କମିଟି ବୈଠକରେ ଅଧ୍ୟକ୍ଷତା କରି ଶ୍ରୀ ମାଝୀ ଚଳିତ ବର୍ଷ 'ଏଲ୍ ନିନୋ' ପ୍ରଭାବ ଯୋଗୁଁ କମ୍ ବର୍ଷାର ଆଶଙ୍କା ଥିବାରୁ ଖରିଫ ଫସଲକୁ ସୁରକ୍ଷିତ ରଖିବା ପାଇଁ କୃଷି, ଜଳସେଚନ ତଥା ଅନ୍ୟ

ବିଭାଗଗୁଡ଼ିକୁ ସମନ୍ୱିତ ଭାବେ କାର୍ଯ୍ୟ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ରାଜ୍ୟର ୯୧୧ଟି ବହୁମୁଖୀ ଆଶ୍ରୟସ୍ଥଳୀର ରକ୍ଷଣାବେକ୍ଷଣ ପାଇଁ ପ୍ରତ୍ୟେକ ଆଶ୍ରୟସ୍ଥଳୀକୁ ୬ ଲକ୍ଷ ଟଙ୍କା ଲେଖାଏଁ ଅନୁଦାନ ଦିଆଯାଇଥିବା ବୈଠକରୁ ଜଣାପଡିଛି। ରାଜ୍ୟରେ ଆହୁରି ୧୦ଟି ନୂତନ ଓଡ୍ରାଫ୍ ବାହିନୀ ଗଠନ ପ୍ରକ୍ରିୟା ଜାରି ରହିଛି।

## ରଥଯାତ୍ରା ବୈଠକ

ବିଶ୍ୱ ପ୍ରସିଦ୍ଧ ରଥଯାତ୍ରା ପାଇଁ ପୁରୀ ଟାଉନହଲ ସମ୍ମିଳନୀ କକ୍ଷରେ ଆଜି ପୂର୍ବାହ୍ନରେ ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନଙ୍କ ଅଧ୍ୟକ୍ଷତାରେ  ଦ୍ୱିତୀୟ ସମନ୍ୱୟ ବୈଠକ ଅନୁଷ୍ଠିତ ହେବ। ବୈଠକରେ ରଥଯାତ୍ରା ସମୟରେ ମହାପ୍ରଭୁଙ୍କ ନୀତିକାନ୍ତି, ପରିମଳ ବ୍ୟବସ୍ଥା, ରାସ୍ତାଘାଟ ମରାମତି, ପାନୀୟ ଜଳ ଯୋଗାଣ, ସୁରକ୍ଷା ଓ ଟ୍ରାଫିକ ନିୟନ୍ତ୍ରଣ  ଆଦି ନେଇ ଆଲୋଚନା କରାଯିବ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି ।

## ଶ୍ୟାମାପ୍ରସାଦ ବଳିଦାନ ଦିବସ

ଡକ୍ଟର ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ଆଜି ବଳିଦାନ ଦିବସ ପାଳନ କରାଯାଉଛି । ଏହି ପରିପ୍ରେକ୍ଷୀରେ ସକାଳେ ଭୁବନେଶ୍ୱର ସତ୍‌ସଙ୍ଗ ବିହାରସ୍ଥିତ ଡକ୍ଟର ଶ୍ୟାମାପ୍ରସାଦ ମୁଖାର୍ଜୀ ପାର୍କରେ ବିଶିଷ୍ଟ ଅତିଥିମାନେ ଡକ୍ଟର ମୁଖାର୍ଜୀଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିବେ । ସନ୍ଧ୍ୟାରେ ଜୟଦେବ ଭବନରେ ଏକ ସାଧାରଣ ସଭା ଅନୁଷ୍ଠିତ ହେବ । ଏଥିରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓ ବାଚସ୍ପତି ସୁରମା ପାଢ଼ୀ ଯୋଗଦେବାର କାର୍ଯ୍ୟସୂଚୀ ରହିଛି ।

## କବଚ ବ୍ୟବସ୍ଥା

ପୂର୍ବତଟ ରେଳପଥ ପରିସୀମାରେ ୬୩୧ କିଲୋମିଟର ରୁଟ୍‌ରେ ସ୍ୱଦେଶୀ ଜ୍ଞାନକୌଶଳରେ ନିର୍ମିତ କବଚ ସୁରକ୍ଷା କାର୍ଯ୍ୟକାରୀ କରିବା ପାଇଁ ରେଳ ମନ୍ତ୍ରଣାଳୟ ପକ୍ଷରୁ ୨୭୦କୋଟି ଟଙ୍କା ମଂଜୁର କରାଯାଇଛି । କବଚ ବ୍ୟବସ୍ଥା ରେଳ ଧାରଣା ଉପରେ ଟ୍ରେନ୍‌ର ଗତିବିଧି ଉପରେ ନଜର ରଖିବା ସହ ଟ୍ରେନ୍ ପରିଚାଳନାରେ ଉଚ୍ଚସ୍ତରୀୟ ସୁରକ୍ଷା ଯୋଗାଇବାରେ ସହାୟକ ହୋଇଥାଏ ।

---

## ଏସ୍‌ଆଇଆର୍

ରାଜ୍ୟରେ ଚାଲିଥିବା ଭୋଟର ତାଲିକା ସ୍ୱତନ୍ତ୍ର ସଘନ ସଂଶୋଧନ କାର୍ଯ୍ୟକ୍ରମ ଆସନ୍ତା ୨୮ ତାରିଖରେ ଶେଷ ହେବ । ତେବେ ଗତକାଲି ସୁଦ୍ଧା ୩ କୋଟି ୩୩ ଲକ୍ଷ ୫୧ ହଜାର ୯୬୭ ଜଣ ଅର୍ଥାତ୍ ୯୯ ଦଶମିକ ୮/୬ ପ୍ରତିଶତ ଭୋଟରଙ୍କୁ ପରିଗଣନା ଫର୍ମ ପ୍ରଦାନ କରାଯାଇଛି । ସେହି ସମୟ ମଧ୍ୟରେ ୮୬ ଦଶମିକ ୧/୨ ପ୍ରତିଶତ ଫର୍ମ ଅର୍ଥାତ୍ ୨ କୋଟି ୮୭ ଲକ୍ଷ ୬୩ ହଜାର ୪୧୭ ଜଣ ଭୋଟରଙ୍କ ସୂଚନା ଡିଜିଟାଇଜ୍ କରାଯାଇଥିବା ଜଣାପଡ଼ିଛି ।

---

## ନିର୍ବାଚନ ଶିବିର

ମାଲକାନଗିରି ଜିଲ୍ଲା ଚିତ୍ରକୋଣ୍ଡା ବ୍ଲକ ଅନ୍ତର୍ଗତ ଆନ୍ଧ୍ର-ଓଡ଼ିଶା ସୀମାନ୍ତବର୍ତ୍ତୀ ଦୁର୍ଗମ ଗ୍ରାମରେ ସ୍ୱତନ୍ତ୍ର ନିର୍ବାଚନ ଶିବିର ଜରିଆରେ ଯୋଗ୍ୟ ଭୋଟରଙ୍କ ନାମ ସାମିଲ ଓ ଡିଜିଟାଇଜେସନ କାର୍ଯ୍ୟ କରାଯାଇଛି । ଗ୍ରାମ୍ୟୋଦୟ

ଯୋଜନା ଅଧୀନରେ ପେପର ମେଟଲା ପଞ୍ଚାୟତର ଯୁବକମାନଙ୍କୁ କ୍ରୀଡ଼ା ସାମଗ୍ରୀ ବଣ୍ଟନ କରାଯାଇଥିବା ଜଣାପଡ଼ିଛି ।

## ୨ ବର୍ଷ ପୂର୍ତ୍ତି

ରାଜ୍ୟ ସରକାରଙ୍କ ୨ବର୍ଷ ପୂର୍ତ୍ତି ଉପଲକ୍ଷେ ଢେଙ୍କାନାଳ ଜିଲ୍ଲାରେ ପଞ୍ଚାୟତ ସମିତି ସମ୍ମିଳନୀ ସଭା ଅନୁଷ୍ଠିତ ହୋଇଯାଇଛି । ମୁଖ୍ୟଅତିଥି ଭାବେ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଯୋଗଦେଇ ଭୟ, ଭୋକ ଓ ଦୁର୍ନୀତିମୁକ୍ତ ରାଜ୍ୟ ଗଠନ ପାଇଁ ସରକାର ସଂକଳ୍ପବଦ୍ଧ ବୋଲି କହିଛନ୍ତି । ସମ୍ମିଳନୀରେ ରାଜ୍ୟ ସରକାରଙ୍କ ବିଭିନ୍ନ ଜନକଲ୍ୟାଣକାରୀ ଯୋଜନା ସଂପର୍କରେ ଆଲୋଚନା କରାଯାଇଥିଲା ।

ନବରଙ୍ଗପୁର ପୋଲିସ୍ ପଡ଼ିଆଠାରେ 'ବିକାଶର ଧାରା ଓଡ଼ିଶା ସାରା' କାର୍ଯ୍ୟକ୍ରମର ଉଦ୍‌ଯାପନୀ ଉତ୍ସବରେ ବିଧାୟକ ଗୌରୀଶଙ୍କର ମାଝୀ ଯୋଗଦେଇ ବିଭିନ୍ନ ଯୋଜନାର ୨୯୫ ଜଣ ହିତାଧିକାରୀମାନଙ୍କୁ କାର୍ଯ୍ୟାଦେଶ ପ୍ରଦାନ ସହ ୯୧ ଜଣ ହିତାଧିକାରୀଙ୍କୁ ମଧୁବାବୁ ପେନସନ ଯୋଜନା ସହାୟତା ଏବଂ ଅଙ୍ଗନବାଡ଼ି କର୍ମୀଙ୍କୁ ସ୍ମାର୍ଟଫୋନ୍ ବିତରଣ କରିଛନ୍ତି ।

## ବିସ୍ଫୋରକ ଜବତ

କୋରାପୁଟ ଜିଲ୍ଲା ବୈପାରିଗୁଡ଼ା ଥାନା ଅଧୀନ ବାଦଲିପାହାଡ଼ ଜଙ୍ଗଲରୁ କୋରାପୁଟ ପୁଲିସ ବିପୁଳ ପରିମାଣର ମାଓବାଦୀ ଅସ୍ତ୍ରଶସ୍ତ୍ର ଓ ବିସ୍ଫୋରକ ଜବତ କରିଛି । ଆତ୍ମସମର୍ପଣ କରିଥିବା ଜଣେ ମାଓବାଦୀଙ୍କଠାରୁ ମିଳିଥିବା

ସୂଚନା ଆଧାରରେ ଡିଭିଏଫ୍ ପକ୍ଷରୁ ଯାଞ୍ଚ ବେଳେ ଅନେକ ଅସ୍ତ୍ରଶସ୍ତ୍ର ଜବତ କରାଯାଇଛି ।

## ଶିମିଳିପାଳ ବନ୍ଦ

ମୟୂରଭଞ୍ଜ ଜିଲ୍ଲାସ୍ଥିତ ଶିମିଳିପାଳ ଜାତୀୟ ଅଭୟାରଣ୍ୟ ଆସନ୍ତା ୨୯ ତାରିଖରୁ ପର୍ଯ୍ୟଟକଙ୍କ ପାଇଁ ବନ୍ଦ ରହିବ । ଏ ନେଇ ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପର ନିର୍ଦ୍ଦେଶକ ସୂଚନା ଦେଇଛନ୍ତି । ଚଳିତ ବର୍ଷାଋତୁରେ ଜୀବଜନ୍ତୁଙ୍କ ସୁରକ୍ଷା ଏବଂ ପ୍ରଜନନ ଋତୁ ପାଇଁ ଅଭୟାରଣ୍ୟ ବନ୍ଦ ରହିବ । ତେବେ ଜାମୁଆଣି ଓ ତାଳବନ୍ଧ ଇକୋ ଟ୍ୟୁରିଜିମ୍ କଂପ୍ଲେକ୍ସ ଖୋଲା ରହିବ ବୋଲି ଜଣାପଡ଼ିଛି ।

## ପାଣିପାଗ

ରାଜ୍ୟର କେତେକ ସ୍ଥାନରେ ଦକ୍ଷିଣ ପଶ୍ଚିମ ମୌସୁମୀବାୟୁ ସକ୍ରିୟ ରହିଛି । ମୌସୁମୀ ଅବଶିଷ୍ଟ ଅଞ୍ଚଳକୁ ଅଗ୍ରସର ହେବା ପାଇଁ ପାଗ ଅନୁକୂଳ ଥିବା ପାଣିପାଗ ବିଭାଗ ସୂଚନା ଦେଇଛି । ମୌସୁମୀର ପ୍ରଭାବରେ ବିଭିନ୍ନ ସ୍ଥାନରେ ବର୍ଷା ଜାରି ରହିଛି । ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ବର୍ଷା ଯୋଗୁଁ ରାଜ୍ୟରେ ତାପମାତ୍ରା ହ୍ରାସ ପାଇଛି । ଗତକାଲି ସମସ୍ତ ସ୍ଥାନର ତାପମାତ୍ରା ୩୮ ଡିଗ୍ରୀ ସେଲ୍‌ସିୟସ୍ ତଳେ ରହିଥିଲା ।